ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

ଓଡ଼ିଶା ହାୟର ଏଜକେସନ୍ ପ୍ରୋଗ୍ରାମ ଫର ଏକ୍ସିଲେନ୍ସି ଆଣ୍ଡ ଇକ୍ୱିଟି କର୍ମଶାଳା

# ଉଚ୍ଚଶିକ୍ଷାର ଗୁଣାତ୍ମକ ମାନର ବିକାଶ, ପ୍ରଶାସନିକ ପରିଚାଳନା ଓ ଦକ୍ଷତା ବିକାଶ ଆଦିକୁ ଗୁରୁତ୍ୱ ଦିଆଯାଇଛି

: ଉଚ୍ଚଶିକ୍ଷା ମନ୍ତ୍ରୀ ଡ. ସାହୁ

ଭୁବନେଶ୍ୱର, ୧୯ ଫେବୃଆରୀ, ୨୦୨୦

ନୂତନ ସହସ୍ରାବ୍ଦୀରେ ଜ୍ଞାନର ପରିସୀମା ବୃଦ୍ଧି ଘଟୁଥିବା ପରିପ୍ରେକ୍ଷୀରେ ଛାତ୍ରଛାତ୍ରୀମାନଙ୍କୁ ପ୍ରତ୍ୟେକ କ୍ଷେତ୍ରରେ ବିଶ୍ୱସ୍ତରୀୟ ପ୍ରତିଯୋଗିତାର ସମ୍ମୁଖୀନ ହେବାକୁ ପଡୁଛି । ଏହା ଆମ ସମସ୍ତଙ୍କ ପାଇଁ ଏକ ଆହ୍ୱାନ । ଏହି ଆହ୍ୱାନର ସଫଳ ମୁକାବିଲା କରିବା ପାଇଁ ଉଚ୍ଚଶିକ୍ଷାର ଗୁଣାତ୍ମକ ମାନର ବିକାଶ, ଗବେଷଣା ଓ ଦକ୍ଷତା ବିକାଶ ଆଦିକୁ ଗୁରୁତ୍ୱ ଦିଆଯାଇ ରାଜ୍ୟ ସରକାର ଅନେକଗୁଡ଼ିଏ ପରିବର୍ତ୍ତନକାରୀ ସଂସ୍କାର ଆଣିଛନ୍ତି ବୋଲି କୃଷି ଓ କୃଷକ ସଶକ୍ତିକରଣ, ମତ୍ସ୍ୟ ଓ ପ୍ରାଣୀସଂପଦ ବିକାଶ, ଉଚ୍ଚଶିକ୍ଷା ମନ୍ତ୍ରୀ ଡ. ଅରୁଣ କୁମାର ସାହୁ କହିଛନ୍ତି ।

ବିଶ୍ୱବ୍ୟାଙ୍କ ସହାୟତାରେ ଓଡ଼ିଶା ହାୟର ଏଜୁକେସନ୍ ପ୍ରୋଗ୍ରାମ ଫର ଏକ୍ସିଲେନ୍ସି ଆଣ୍ଡ ଇକ୍ୱିଟି କାର୍ଯ୍ୟକ୍ରମ ଅନ୍ତର୍ଗତ ଏକ ଦିଗ୍‌ଦର୍ଶନ କର୍ମଶାଳାରେ ଉଦ୍‌ବୋଧନ ଦେଇ ମନ୍ତ୍ରୀ ଡ. ସାହୁ କହିଲେ ଶିକ୍ଷାରେ ବିନିଯୋଗ ହେଉଥିବା ଅର୍ଥ ହେଉଛି ମାନବ ପାଇଁ ଶ୍ରେଷ୍ଠ ପୁଞ୍ଜିଲଗାଣ । ତେଣୁ ବିଶ୍ୱବ୍ୟାଙ୍କ ସହାୟତାରେ ପରିଚାଳିତ ଏହି କାର୍ଯ୍ୟକ୍ରମର ସଫଳ ରୂପାୟନ କରି ଶିକ୍ଷା ବ୍ୟବସ୍ଥାରେ ଉନ୍ନତି ଆଣି ଛାତ୍ରଛାତ୍ରୀଙ୍କୁ ଏହାର ସୁଫଳ ଯୋଗାଇଦେବାକୁ ପଡ଼ିବ । ମହାବିଦ୍ୟାଳୟର ଭିତ୍ତିଭୂମିର ବିକାଶ ପାଇଁ ପର୍ଯ୍ୟାପ୍ତ ଅର୍ଥର ବ୍ୟବସ୍ଥା ରହିଛି । ଶିକ୍ଷାନୁଷ୍ଠାନରେ ଉତ୍ତମ ଶୈକ୍ଷିକ ବାତାବରଣ ସୃଷ୍ଟି କରି ଶିକ୍ଷାଦାନ ସହିତ ନିର୍ଦ୍ଧାରିତ ସମୟରେ ପାଠ୍ୟକ୍ରମ ଶେଷ କରି ପରୀକ୍ଷା ଓ ପରୀକ୍ଷା ଫଳ ପ୍ରକାଶ କରିବା ପାଇଁ ମନ୍ତ୍ରୀ ଡ. ସାହୁ କର୍ମଶାଳାରେ ଯୋଗଦେଇଥିବା ମହାବିଦ୍ୟାଳୟର ଅଧକ୍ଷ ଏବଂ ବିଶ୍ୱବିଦ୍ୟାଳୟର ପ୍ରତିନିଧିମାନଙ୍କୁ କହିଥିଲେ । ଏହି କାର୍ଯ୍ୟକ୍ରମ ଜରିଆରେ ଉଚ୍ଚଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ସହିତ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟଗୁଡ଼ିକର ପ୍ରଶାସନିକ ଦକ୍ଷତା ବୃଦ୍ଧି ଏବଂ ଆର୍ଥିକ ପରିଚାଳନାରେ ଉନ୍ନତି ଅଣାଯିବା ପାଇଁ ଲକ୍ଷ୍ୟ ରଖାଯାଇଛି । ୨୦୧୮ରୁ ୨୦୨୨ ଆର୍ଥିକ ବର୍ଷ ମଧରେ ଏ ଦିଗରେ ସମୁଦାୟ ୧୭୦ ମିଲିୟନ୍ ଆମେରିକୀୟ ଡଲାର ବିନିଯୋଗ କରାଯିବ ।

ଓଡ଼ିଶାର ୧୧ଟି ସରକାରୀ ବିଶ୍ୱବିଦ୍ୟାଳୟ ଏବଂ ୧୩୭ଟି ମହାବିଦ୍ୟାଳୟକୁ ଏଥିରେ ଅନ୍ତର୍ଭୁକ୍ତ କରାଯାଇଛି । ପ୍ରଥମ ପର୍ଯ୍ୟାୟରେ ୭୦ଟି ମହାବିଦ୍ୟାଳୟକୁ ଅନ୍ତର୍ଭୁକ୍ତ କରାଯାଇଥିବାବେଳେ ଦ୍ୱିତୀୟ ପର୍ଯ୍ୟାୟରେ ୬୭ଟି ମହାବିଦ୍ୟାଳୟ ଓ ୧୧ଟି ବିଶ୍ୱବିଦ୍ୟାଳୟକୁ ଅନ୍ତର୍ଭୁକ୍ତ କରାଯାଇଛି । ଦ୍ୱିତୀୟ ପର୍ଯ୍ୟାୟରେ ଅନ୍ତର୍ଭୁକ୍ତ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟ ନିମନ୍ତେ ଦୁଇଦିନିଆ ଦିଗ୍‌ଦର୍ଶନ କର୍ମଶାଳା ଫେବୃଆରୀ ୧୯ ଓ ୨୦ ତାରିଖରେ ଆୟୋଜନ କରାଯାଇଛି । ଦିଗ୍‌ଦର୍ଶନ କାର୍ଯ୍ୟକ୍ରମ ଉଚ୍ଚଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି, ପ୍ରଶାସନିକ ଦକ୍ଷତା ବୃଦ୍ଧି, ଶିକ୍ଷାନୁଷ୍ଠାନ ଆର୍ଥିକ ପରିଚାଳନାରେ ଉନ୍ନତି ଓ ସ୍ୱଚ୍ଛତା ଆଣିବା ସହ ଅନ୍‌ଲାଇନ୍ କ୍ୟାସ୍‌ବୁକ୍ ଲେଖିବା ପାଇଁ ଏକ ସ୍ୱତନ୍ତ୍ର ସଫ୍ଟୱେୟାରର ପ୍ରଚଳନ, ଅଧ୍ୟାପକମାନଙ୍କୁ ପ୍ରଶିକ୍ଷଣ ବ୍ୟବସ୍ଥା, ଶିକ୍ଷାନୁଷ୍ଠାନର ନାକ୍ ମାନ୍ୟତା ହାସଲ, ଛାତ୍ରଛାତ୍ରୀଙ୍କୁ ନିଯୁକ୍ତ ସୁଯୋଗ ବୃଦ୍ଧି ଆଦି ବିଭିନ୍ନ ଦିଗ ସଂପର୍କରେ ଆଲୋଚନା ହୋଇଥିଲା । ଆଜିର କର୍ମଶାଳାକୁ ଓଡ଼ିଶା ହାୟର ଏଜୁକେସନ୍ ପ୍ରୋଗ୍ରାମ ଫର ଏକ୍ସିଲେନ୍ସି ଆଣ୍ଡ ଇକ୍ୱିଟି କାର୍ଯ୍ୟକ୍ରମର ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶକ ପରମେଶ୍ୱରନ୍ ବି. ପରିଚାଳନା କରିଥିଲେ ।

ତାପସ କୁମାର ସାହା
ସୂଚନା ଅଧିକାରୀ